# ଆଜି ଅନୁଗୋଳ ଜିଲ୍ଲାରୁ ୫୧୦ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୧୪୪୨ରେ ପହଞ୍ଚିଲା - ସୁସ୍ଥ ହେଲେ ୩୪୧ ଜଣ ।

ଅନୁଗୋଳ, ତା.୧୨.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୫୧୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୫୫୭ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦୯ଜଣ ( ୭୬ଜଣ ପୁରୁଷ ଓ ୩୩ଜଣ ମହିଳା), ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୮୯ଜଣ ( ୫୪ଜଣ ପୁରୁଷ ଓ୩୫ଜଣ ମହିଳା),ତାଳଚେର ବ୍ଲକ୍ ଅଂଚଳରୁ ୭୧ଜଣ ( ୫୦ଜଣ ପୁରୁଷ ଓ ୨୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫୪ଜଣ ( ୩୫ଜଣ ପୁରୁଷ ଓ ୧୯ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪୯ଜଣ ( ୩୨ଜଣ ପୁରୁଷ ଓ୧୭ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪୫ଜଣ ( ୨୯ଜଣ ପୁରୁଷ ଓ ୧୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୬ଜଣ(୧୬ ଜଣ ପୁରୁଷ ଓ୧୦ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨୪ଜଣ( ୧୭ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୨ଜଣ( ୧୫ଜଣ ପୁରୁଷ ଓ ୭ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୬ଜଣ ( ୧୦ଜଣ ପୁରୁଷ ଓ ୬ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୫ଜଣ(୨ ଜଣ ପୁରୁଷ ଓ୩ ଜଣ ମହିଳା)ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୩ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୪୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୫୦ ଜଣ ମୃତ୍ୟୁବରଣ କଲେଣି ।

ଅପରାହ୍ନରେ କରୋନା ସ୍ଥିତିକୁ ନେଇ ଜିଲ୍ଲାପାଳ ସମୀକ୍ଷା କରିଥିଲେ । ଜିଲ୍ଲାରେ ସଚେତନତା ଅଭିଯାନ ଆରମ୍ଭ ହେବ । ଏଥିରେ ଅଂଗନୱାଡି ଓ ଆଶାକର୍ମୀଂକ ସମେତ ଶିକ୍ଷକ,ଶିକ୍ଷୟିତ୍ରୀମାନେ ଘରକୁ ଘର ବୁଲି ଲୋକମାନଙ୍କୁ କରୋନା ସମ୍ପର୍କରେ ସଚେତନ କରିବେ । ଡାକ୍ତରଖାନାଗୁଡିକୁ ନିୟମିତ ବିଶୋଧନ କରାଯିବ । ତାଳଚେର ଅଂଚଳରେ ଅଧିକ ସଂକ୍ରମଣ ହେଉଥିବାରୁ Enforcementକୁ ଜୋରଦାର କରିବାକୁ ତାଳଚେର ଉପଜିଲ୍ଲାପାଳଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି ପ୍ରମୁଖ ଉପସ୍ଥିତ ଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୦୩ ତା.୧୨.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ